# ପତ୍ରିକାର ନିୟମାବଳୀ

୧. **'ବିଜ୍ଞାନ ଦିଗନ୍ତ'** ଛାତ୍ରଛାତ୍ରୀ ତଥା ଜନସାଧାରଣଙ୍କ 'ବିଜ୍ଞାନ-ଦୃଷ୍ଟିଭଙ୍ଗୀ'ର ବିକାଶ ପାଇଁ ଏବଂ ସେମାନଙ୍କୁ ବିଜ୍ଞାନର ଅଗ୍ରଗତି ସଂପର୍କିତ ସୂଚନା ଇତ୍ୟାଦି ଦେବା ପାଇଁ ଉଦ୍ଦିଷ୍ଟ । ଏହା ମାସିକ ଭାବେ ପ୍ରକାଶିତ ହୁଏ ।

୨. ଲେଖକ ଯେଉଁ ବିଷୟରେ ଲେଖିବାକୁ ଚାହୁଁଛନ୍ତି ପ୍ରଥମେ ତା'ର ସାରମର୍ମକୁ ହୃଦୟଙ୍ଗମ କରି ତାହାକୁ ସରଳ ଭାଷାରେ ଉପସ୍ଥାପନ କରିବା ଉଚିତ । **ଲେଖାଟି ପୂର୍ବରୁ ପ୍ରକାଶିତ ବା ପ୍ରଚାରିତ ହୋଇନଥିବା ବିଧେୟ ।**

୩. A4 ଖଣ୍ଡ କାଗଜର ଗୋଟିଏ ପାଖରେ ସ୍ପଷ୍ଟଭାବେ ଲେଖିବା ପାଇଁ ଲେଖକଙ୍କୁ ଅନୁରୋଧ । ଲେଖା ସହିତ ଆବଶ୍ୟକ ଚିତ୍ର (୪ସେ.ମି/୬ସେ.ମି) ବା ଚିତ୍ରର ଫଟୋକପି (ଜେରକ୍ସ) ଆସିଲେ ଭଲ । **ପ୍ରକାଶନ ପାଇଁ ପାଣ୍ଡୁଲିପିର ଫଟୋକପି (ଜେରକ୍ସ) ବିଚାରକୁ ନିଆଯିବ ନାହିଁ । ପାଣ୍ଡୁଲିପି ସହ ନିଜର ସଂପୂର୍ଣ୍ଣ ଠିକଣା, ଫୋନ୍ ନମ୍ବର, ଇ-ମେଲ ଠିକଣା (ଯଦି ଥାଏ) ଏବଂ ବ୍ୟାଙ୍କ୍ ଆକାଉଣ୍ଟ୍‌ର ସବିଶେଷ ବିବରଣୀ ପଠାଇବା ଜରୁରୀ ।**

୪. ଲେଖା ପ୍ରସ୍ତୁତି ପାଇଁ ଲେଖକ ଯେଉଁ ସବୁ ପୁସ୍ତକ, ପତ୍ରପତ୍ରିକା ତଥା ଅନ୍ୟାନ୍ୟ ଉତ୍ସ ଅଧ୍ୟୟନ କରିଛନ୍ତି ଏବଂ/କିମ୍ବା ବିଭିନ୍ନ ଅବଧାରଣା, ତତ୍ତ୍ୱ, ତଥ୍ୟ ଆଦି ସଂଗ୍ରହ କରିଛନ୍ତି, ସେ ସବୁର ଉଲ୍ଲେଖ ଲେଖାର ଶେଷରେ ରହିବା ବିଧେୟ । ଏହା ଲେଖାଟିର ମାନ ତଥା ବିଶ୍ୱସନୀୟତା ବଢ଼ାଇବା ସହ ପାଠକପାଠିକାମାନଙ୍କୁ ଅଧିକ ଅଧ୍ୟୟନର ସୁଯୋଗ ଦେବ ।

୫. ଅନ୍ୟ ଭାଷାରୁ ଅନୁବାଦ କରିଥିବା ଲେଖା ଓ ଚିତ୍ରର ଫଟୋକପି (ଜେରକ୍ସ) ପ୍ରକାଶିତ ହେବା ପାଇଁ ପ୍ରେରିତ ହେଉଥିଲେ, ତହିଁରେ ମୂଳ ଲେଖା ବା ଚିତ୍ରର ସୂଚନା ନ ଥିଲେ ତାହା ଗୃହୀତ ହେବ ନାହିଁ । **ଅମନୋନୀତ ଲେଖା ଫେରସ୍ତ ଦିଆଯାଏ ନାହିଁ ।**

୬. ଲେଖାଗୁଡ଼ିକ ଯଥାସମ୍ଭବ ସାଂପ୍ରତିକ ବିଜ୍ଞାନ ବିଷୟ ବା ବୈଜ୍ଞାନିକ ମନୋଭାବ ଉପରେ ଆଧାରିତ ହେବା ଏବଂ ତାହା ଉଚ୍ଚ ମାଧ୍ୟମିକ ତଥା ମାଧ୍ୟମିକ ଛାତ୍ରଛାତ୍ରୀ ଓ ଜନସାଧାରଣଙ୍କର ବୋଧଗମ୍ୟ ହେବା ଉଚିତ। ବିଜ୍ଞାନର ଜଟିଳ ତତ୍ତ୍ୱକୁ ଲେଖକ ପାଠକମାନଙ୍କ ଦୈନନ୍ଦିନ ଜୀବନ ସହିତ ଜଡ଼ିତ କାହାଣୀ, ମନୋମୁଗ୍ଧକର କବିତା, ଚିତ୍ର, ବ୍ୟଙ୍ଗଚିତ୍ର (ସାଇନ୍‌ଟୁନ୍) କିମ୍ବା ସୁନ୍ଦର ନାଟକ ମାଧ୍ୟମରେ ପ୍ରକାଶ କରିପାରନ୍ତି।

୭. ଯେଉଁ ଇଂରାଜୀ ବା ବୈଷୟିକ ଶବ୍ଦାବଳୀ ପାଠକମାନେ ସହଜରେ ବୁଝି ପାରନ୍ତି, ତାହାର ଓଡ଼ିଆ ଶବ୍ଦ ଦେବା ଅନାବଶ୍ୟକ । ବିଜ୍ଞାନ ଲେଖାରେ କୌଣସି ଜଟିଳ ତତ୍ତ୍ୱକୁ ସିଧାସଳଖ ଅନୁବାଦ କରି ନ ଲେଖି ତାହାର ଭାବାର୍ଥକୁ ବ୍ୟାଖ୍ୟା କରି ଲେଖାଯାଇପାରେ । ଲେଖକ ନିଜେ ବୁଝିପାରି ନ ଥିବା ତତ୍ତ୍ୱକୁ ଅନୁବାଦ କରି ଲେଖିବାକୁ ଚେଷ୍ଟା କରନ୍ତୁ ନାହିଁ ।

୮. ପ୍ରବନ୍ଧରେ ବ୍ୟବହୃତ ଏକକଗୁଡ଼ିକ କେବଳ ମେଟ୍ରିକ୍ ପ୍ରଣାଳୀରେ ଦିଆଯିବ ।

୯. ଲେଖାରେ ଅନ୍ଧବିଶ୍ୱାସ, ସାଂପ୍ରଦାୟିକତା, ବିଚ୍ଛିନ୍ନତାବାଦ, ଜାତି ବା ଧର୍ମଗତ ବିବାଦ, ରାଜନୈତିକ ମତାମତ ଓ ବ୍ୟକ୍ତିଗତ ଆକ୍ଷେପ ବା କୁତ୍ସା ପ୍ରତିଫଳିତ ହେବା ଉଚିତ ନୁହେଁ।

୧୦. 'ଆକର୍ଷଣୀୟ ଶିରୋନାମା' ସହ ଲେଖାଟି ସଂକ୍ଷିପ୍ତ ହେବା ଦରକାର । ବଡ଼ ଲେଖାପାଇଁ 'ଉପ ଶିରୋନାମା' ଦିଆଯାଇପାରେ। ଲେଖାଟିରେ ସମନ୍ୱୟ ଓ ସଂଗତି ରହିବା ଆବଶ୍ୟକ।

୧୧. ଲେଖାଟିରେ ଏକ ନିର୍ଦ୍ଦିଷ୍ଟ ଶବ୍ଦକୁ ବାରମ୍ବାର ପ୍ରୟୋଗ କରିବା ଅନୁଚିତ । ଲେଖକ ଲେଖାଟିକୁ ସମୟୋପଯୋଗୀ କରିବା ସଂଗେ ସଂଗେ ଏହା ମାଧ୍ୟମରେ ସମାଜକୁ କିଛି ଶିକ୍ଷା ଦେବା ବିଧେୟ । ଲେଖାରେ ବନାନଗତ, ଭାଷାଗତ ଏବଂ ତଥ୍ୟଗତ ତ୍ରୁଟି ନରହିବା ଆବଶ୍ୟକ ।

୧୨. **ଲେଖାରେ ପ୍ରକାଶିତ ମତାମତ ପାଇଁ, ସଂପାଦକ, ପରିଚାଳନା ସଂପାଦକ, ସଂପାଦନା ମଣ୍ଡଳୀ ବା ଓଡ଼ିଶା ବିଜ୍ଞାନ ଏକାଡ଼େମୀ ଦାୟୀ ହେବେ ନାହିଁ।**

***ଲେଖା ପଠାଇବାର ଠିକଣା***


ପରିଚାଳନା ସଂପାଦକ

*ଓଡ଼ିଶା ବିଜ୍ଞାନ ଏକାଡେମୀ*

*ପ୍ଲଟ୍ ନଂ ବି/୨, ସହିଦ ନଗର, ଭୁବନେଶ୍ୱର - ୭୫୧ ୦୦୭*

*ଟେଲିଫୋନ୍ - ୦୬୭୪-୨୫୪୩୪୬୮*

*ଫ୍ୟାକ୍ସ - ୦୬୭୪-୨୫୪୭୨୫୬*

*ଇ-ମେଲ୍-*odishabigyanacademy1@gmail.com